ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 821/04-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୪ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଏକ ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ସୁନ୍ଦରଗଡ଼ ଜିଲ୍ଲାରେ ଅତ୍ୟାଧୁନିକ ପରିମଳ ସେବାର ଶୁଭାରମ୍ଭ କରିଛନ୍ତି । ରାଉରକେଲା ମହାନଗର ନିଗମ, ବୀରମିତ୍ରପୁର ପୌରପାଳିକା ଓ କୋଇଡ଼ା ତଥା କୁତ୍ରା ବ୍ଲକ୍‌ରେ ୧୯୦ଟି ଅତ୍ୟାଧୁନିକ ମେସିନ ଓ ଗାଡ଼ି, ୪ଟି ମାଇକ୍ରୋ କମ୍ପୋଷ୍ଟିଂ କେନ୍ଦ୍ର, ୨୨ଟି ପରିଚୟ ଓ ମିଶନ ଶକ୍ତି ଗୃହ ସମେତ ପାନପୋଷଠାରେ ସହରାଞ୍ଚଳ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଲୋକାର୍ପିତ କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଯନ୍ତ୍ର ଓ ମାନବସମ୍ବଳ ମାଧ୍ୟମରେ ଉନ୍ନତ ମାନର କଠିନ ବର୍ଜ୍ୟବସ୍ତୁ ପରିଚାଳନା, ରାସ୍ତା ସଫେଇ, ଖୋଲା ନାଳ ସଫେଇ ଏବଂ ବାୟୁମଣ୍ଡଳରେ ଧୂଳି, ଧୂଆଁ ନିୟନ୍ତ୍ରଣ ଇତ୍ୟାଦି ସଫଳ ହୋଇପାରିବ । ସ୍ମାର୍ଟ ସିଟି ରାଉରକେଲାର ପରିମଳ ଚିତ୍ରରେ ବ୍ୟାପକ ପରିବର୍ତ୍ତନ ଆସିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ନୌବାହିନୀ ଦିବସ ଅବସରରେ ସମସ୍ତ ସାହାସୀ ନୌସୈନିକ ଏବଂ ସେମାନଙ୍କ ପରିବାରବର୍ଗଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ଦେଶର ସାମୁଦ୍ରିକ ସ୍ୱାର୍ଥକୁ ପ୍ରତିବଦ୍ଧତାର ସହ ସୁରକ୍ଷା ଦେଉଥିବା ଜବାନ୍‌ମାନଙ୍କ ପାଇଁ ଆମେ ଗର୍ବିତ ବୋଲି ସେ କହିଛନ୍ତି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୩ରୁ ୪ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୨ଟି ମାମଲା ଦାୟର କରାଯାଇଥିବାବେଳେ ୮ ଜଣ ବ୍ୟକ୍ତିଙ୍କୁ ଗିରଫ, ୭୦୩ ଟି ଗାଡ଼ି ଜବତ ଏବଂ ୨୪,୭୮,୭୦୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୦,୬୦,୭୯୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୦,୩୯୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୪,୦୨୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ୧୭୬୦ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪,୫୫୮ ରହିଛି ।
- ୪,୫୫୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**